# ତହସିଲଦାରଙ୍କ କାର୍ଯ୍ୟାଳୟ,ବାରିପଦା

**ଇସ୍ତାହାର** (ଡି-ରିଜର୍ଭେସନ କେସ ନଂ- ୦ ୫ / ୨୦୨ ୫)

( ସରକାରୀ ଜମିର ଖାତା ପରିବର୍ତ୍ତନ ସମ୍ବନ୍ଧେ )

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆ ଯାଉଅଛି ଯେ, ନିମ୍ନ ତଫସିଲ ବର୍ଣ୍ଣିତ ଜମି ***ଓଡିଶା ସରକାର,*** **ସମବାୟ ବିଭାଗଙ୍କୁ ବାଙ୍କୀଶୁଳ ଲ୍ୟାମ୍ପସ କାର୍ଯ୍ୟାଳୟ ଓ ଗୋଦାମ ଗୃହ** ନିମନ୍ତେ ଏଲାଇନେସନ ସୂତ୍ରେ ବନ୍ଦୋବସ୍ତ କରିବାର ପ୍ରସ୍ତାବ ହୋଇଅଛି । ଯେହେତୁ ଉକ୍ତ ଜମି ସରକାରୀ ରକ୍ଷିତ ଖାତା ଏବଂ କିସମ- ଉନ୍ନତ ଯୋଜନା ଯୋଗ୍ୟ ଅଛି ତାର ପରିବର୍ତ୍ତନ ଆବଶ୍ୟକ ହେଉଅଛି । ଏଣୁ ଏହି ଖାତା ଏବଂ କିସମ ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ପନ୍ଦର(୧୫) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

***ତ ଫ ସି ଲ***

ମୌଜାର ନାମ- ବାଙ୍କୀଶୁଳ ଥାନାର ନାମ :- ବାରିପଦା ନଂ:- ୧୨୮

| ଖାତା ନଂ | ପ୍ଲଟ ନଂ | ରକବା (ଏକରରେ) | ବର୍ତ୍ତମାନର କିସମ | ଆବଶ୍ୟକ ପରିବର୍ତ୍ତିତ ଖାତା |
|---|---|---|---|---|
| ୧୧୮ (ରକ୍ଷିତ) | ୧୩୮/୧ | ଏ. ୦.୭୨ ମଧ୍ୟରୁ ଏ. ୦.୬୦ | ଉନ୍ନତ ଯୋଜନା ଯୋଗ୍ୟ | ଖାତା- ଆବାଦ ଯୋଗ୍ୟ ଅନାବାଦୀ କିସମ-ପତିତ |

ତହସିଲଦାର,ବାରିପଦା
TAHASILDAR
BARIPADA

ଏହାର ଏକକିତା ନକଲ ବାଙ୍କୀଶୁଳ ମୌଜାରେ ଢେଙ୍ଗୁରା ଦ୍ୱାରା ଜାରି କରିବାକୁ ପଠାଗଲା । ଏହାର ଏକକିତା ନକଲ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ବାରିପଦା / ବାଙ୍କୀଶୁଳ ଗ୍ରାମ ପଂଚାୟତ କାର୍ଯ୍ୟାଳୟ / ରାଜସ୍ୱ ନିରୀକ୍ଷକ, କୃ ବାରିପଦା-2 ଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।

ଏହାର ଏକକିତା ନକଲ ବାରିପଦା ତହସିଲ ଅଫିସ ନୋଟିସବୋର୍ଡରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦା ଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

ତହସିଲଦାର,ବାରିପଦା
TAHASILDAR
BARIPADA